## ଆଜି ଅନୁଗୋଳ ଜିଲ୍ଲାରୁ ୦୨ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୨୨୨୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୦୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୩୩ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୧ଜଣ (୧ ଜଣ ପୁରୁଷ) ଓ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ୧ ଜଣ (୧ ଜଣ ପୁରୁଷ ) ଅଛନ୍ତି । ଆଜି ତାଳଚେର ବ୍ଲକ୍ , କଣିହାଁ ବ୍ଲକ୍ , ଛେଣ୍ଡିପଦା ବ୍ଲକ , ଅନୁଗୋଳ ବ୍ଲକ,ତାଳଚେର ପୌରାଞ୍ଚଳ , ଆଠମଲ୍ଲିକ ବ୍ଲକ୍ , କିଶୋରନଗର ବ୍ଲକ୍, ପାଲଲହଡା ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୯ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୪ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୭ ତା.୨୫.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ